# ଡିଜିଟାଲ ମାଧ୍ୟମ **ଦ୍ୱାରା ଶିଶୁ ଦିବସ ପାଳିତ**

ଅଦ୍ୟ ତା- ୧୪.୧୧.୨୦୨୦ ରିଖ ଦିନ ଜିଲ୍ଲା ଆଇନ ସେବା ପ୍ରାଧିକରଣର ଅଧ୍ୟକ୍ଷ ଶ୍ରୀ ଶରତ କୁମାର ଦେହୁରୀଙ୍କ ନିର୍ଦ୍ଦେଶକ୍ରମେ ଅନଲାଇନ୍ ମାଧ୍ୟମରେ ବ୍ରଜନାଥ ବଡଜେନା ଉଚ୍ଚ ବିଦ୍ୟାଳୟର ଛାତ୍ରଛାତ୍ରୀ ମାନଙ୍କୁ ନେଇ **ଶିଶୁ ଦିବସ ପାଳନ** କରାଯାଇଅଛି । ଏହି ଅବସରରେ ଜିଲ୍ଲା ଆଇନ୍ ସେବା ପ୍ରାଧିକରଣର ସଚିବ ଶ୍ରୀ ସୁକାନ୍ତ କିଶୋର ଜେନା ଏବଂ ବ୍ରଜନାଥ ବଡଜେନା ଉଚ୍ଚ ବିଦ୍ୟାଳୟର ଶିକ୍ଷକ ଶ୍ରୀ ଦେବରାଜ ରାଉତ ଭାରତର ପ୍ରଥମ ପ୍ରଧାନ ମନ୍ତ୍ରୀ ଶିଶୁପ୍ରିୟ ପଣ୍ଡିତ ଜବାହରଲାଲ ନେହେରୁଙ୍କ ଫଟୋ ଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣକରି କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ । ସଚିବ ଶ୍ରୀ ସୁକାନ୍ତ କିଶୋର ଜେନା ନିଜର ଅଭିଭାଷଣରେ ଶିଶୁ ମାନଙ୍କପାଇଁ ଉଦ୍ଦିଷ୍ଟ ଥିବା ବିଭିନ୍ନ ଆଇନ ବିଷୟରେ ପିଲାମାନଙ୍କୁ ଅବଗତ କରାଇଥିଲେ ତତ୍ ସହିତ ନେହେରୁଙ୍କ ଜିବନିକୁ ଅନୁସରଣକରି ସୁମଣିଷ ହେବାପାଇଁ ଉପଦେଶ ଦେଇଥିଲେ । ବିଦ୍ୟାଳୟର ଶିକ୍ଷକ ଶ୍ରୀ ଦେବୀପ୍ରସାଦ ମିଶ୍ର ଛାତ୍ରଛାତ୍ରୀମାନଙ୍କୁ ଗୋଟିଏ ଗୋଟିଏ ଭଲ ମଣିଷହୋଇ ଦେଶର ଉନ୍ନତି ପାଇଁ କାର୍ଯ୍ୟକରିବା ପାଇଁ ଉପଦେଶ ଦେଇଥିଲେ । ଏହି କାର୍ଯ୍ୟକ୍ରମରେ ବିଦ୍ୟାଳୟର ଅନ୍ୟ ଶିକ୍ଷୟତ୍ରୀ ଓ ଶିକ୍ଷକ ଉପସ୍ଥିତ ରହି ଆଜିର ଦିବସର ମହତ୍ୱ ବିଷୟରେ ବିଷଦ୍ ଭାବରେ ଆଲୋଚନା କରିଥିଲେ ।

ପରିଶେଷରେ ସଚିବ ଶ୍ରୀ ସୁକାନ୍ତ କିଶୋର ଜେନା ବିଦ୍ୟାଳୟର ସମସ୍ତ ଶିକ୍ଷୟତ୍ରୀ ଓ ଶିକ୍ଷକ ଏବଂ ଛାତ୍ରଛାତ୍ରୀ ମାନଙ୍କୁ ଧନ୍ୟବାଦ ଅର୍ପଣ କରି କାର୍ଯକ୍ରମ ସମାପ୍ତ କରିଥିଲେ ।

Sd/-
Secretary,
DLSA, Dhenkanal.